## ଏକକାଳୀନ ସାଧାରଣ ନିର୍ବାଚନ-୨୦୨୪:

### ରାଜ୍ୟରେ ପ୍ରଥମ ପର୍ଯ୍ୟାୟ ନିର୍ବାଚନରେ
### ୪ଟି ସଂସଦୀୟ କ୍ଷେତ୍ର ପାଇଁ ୩୭ ପ୍ରାର୍ଥୀ ପ୍ରତିଦ୍ୱନ୍ଦ୍ୱିତାରେ ଅବତୀର୍ଣ୍ଣ

ଭୁବନେଶ୍ୱର,୨୯/୦୪/୨୦୨୪:

ଓଡ଼ିଶାରେ ପ୍ରଥମ ପର୍ଯ୍ୟାୟ ଏକକାଳୀନ ସାଧାରଣ ନିର୍ବାଚନରେ ୪ଟି ସଂସଦୀୟ କ୍ଷେତ୍ର ଯଥା କଳାହାଣ୍ଡି, ନବରଙ୍ଗପୁର, ବ୍ରହ୍ମପୁର ଓ କୋରାପୁଟ ପାଇଁ ମୋଟ ୩୭ ଜଣ ପ୍ରାର୍ଥୀ ପ୍ରତିଦ୍ୱନ୍ଦ୍ୱିତାରେ ଅବତୀର୍ଣ୍ଣ ହୋଇଛନ୍ତି । ତା. ୧୮/୦୪/୨୦୨୪ରିଖରୁ ପ୍ରାର୍ଥୀପତ୍ର ଦାଖଲ ଆରମ୍ଭ ହୋଇଥିବାବେଳେ ତା. ୨୫/୦୪/୨୦୨୪ରିଖ ପ୍ରାର୍ଥୀପତ୍ର ଦାଖଲର ଶେଷ ତାରିଖ ଥିଲା । ତା. ୨୬/୦୪/୨୦୨୪ରିଖ ଦିନ ସମସ୍ତ ପ୍ରାର୍ଥୀପତ୍ର ଯାଞ୍ଚ ହୋଇଥିଲା ଏବଂ ତା.୨୯/୦୪/୨୦୨୪ରିଖ ପ୍ରାର୍ଥୀପତ୍ର ପ୍ରତ୍ୟାହାରର ଶେଷ ତାରିଖ ଥିଲା ।

ଯାଞ୍ଚ ପରେ ୩୮ ଜଣ ପ୍ରାର୍ଥୀଙ୍କର ପ୍ରାର୍ଥୀପତ୍ର ବୈଧ ରହିଥିବାବେଳେ କୋରାପୁଟ ସଂସଦୀୟ କ୍ଷେତ୍ରରୁ ଜଣେ ପ୍ରାର୍ଥୀ ତାଙ୍କର ପ୍ରାର୍ଥୀପତ୍ର ପ୍ରତ୍ୟାହାର କରିବାରୁ ୪ଟି ସଂସଦୀୟ କ୍ଷେତ୍ର ପାଇଁ ମୋଟ ୩୭ ଜଣ ପ୍ରାର୍ଥୀ ପ୍ରତିଦ୍ୱନ୍ଦ୍ୱିତାରେ ଅବତୀର୍ଣ୍ଣ ହୋଇଛନ୍ତି । ସୂଚନାଯୋଗ୍ୟ ଯେ କଳାହାଣ୍ଡି ସଂସଦୀୟ କ୍ଷେତ୍ର ପାଇଁ ୧୧ ଜଣ (ପୁରୁଷ ପ୍ରାର୍ଥୀ-୯, ମହିଳା ପ୍ରାର୍ଥୀ-୨), ନବରଙ୍ଗପୁର ସଂସଦୀୟ କ୍ଷେତ୍ର ପାଇଁ ୪ ଜଣ (ପୁରୁଷ ପ୍ରାର୍ଥୀ-୪, ମହିଳା ପ୍ରାର୍ଥୀ-୦), ବ୍ରହ୍ମପୁର ସଂସଦୀୟ କ୍ଷେତ୍ର ପାଇଁ ୧୧ ଜଣ (ପୁରୁଷ ପ୍ରାର୍ଥୀ-୧୦, ମହିଳା ପ୍ରାର୍ଥୀ-୧) ଏବଂ କୋରାପୁଟ ସଂସଦୀୟ କ୍ଷେତ୍ର ପାଇଁ ୧୧ ଜଣ (ପୁରୁଷ ପ୍ରାର୍ଥୀ-୭, ମହିଳା ପ୍ରାର୍ଥୀ-୪) ପ୍ରାର୍ଥୀ ପ୍ରତିଦ୍ୱନ୍ଦ୍ୱିତା କରିବେ ।

ଉପରୋକ୍ତ ୪ଟି ସଂସଦୀୟ କ୍ଷେତ୍ର ପାଇଁ ପ୍ରତିଦ୍ୱନ୍ଦ୍ୱିତାରେ ଅବତୀର୍ଣ୍ଣ ହୋଇଥିବା ମୋଟ ୩୭ ଜଣ ପ୍ରାର୍ଥୀଙ୍କ ମଧ୍ୟରୁ ୩୦ ଜଣ ପୁରୁଷ ପ୍ରାର୍ଥୀ ହୋଇଥିବାବେଳେ ୭ ଜଣ ମହିଳା ପ୍ରାର୍ଥୀ ଅଛନ୍ତି ।

ସଂଜୀବ ବାରିକ
ଲୋକସମ୍ପର୍କ ଅଧିକାରୀ